## ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡ଼ିଶା

## ଦୈନିକ ଚାଲିବ ବ୍ରହ୍ମପୁର-ଉଧ୍ନା (ସୁରଟ) ଅମୃତ ଭାରତ ଏକ୍ସପ୍ରେସ, ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ

## ଚଳିତ ବର୍ଷ ରଥଯାତ୍ରା ପାଇଁ ବିଭିନ୍ନ ସହରରୁ ପୁରୀକୁ ଚାଲିବ ୩୦୦ ରୁ ଅଧିକ ସ୍ପେସାଲ୍ ଟ୍ରେନ୍ - ମୁଖ୍ୟମନ୍ତ୍ରୀ

## ବ୍ରହ୍ମପୁର ରେଳ ଷ୍ଟେସନ କୁ ବିଶ୍ୱ ସ୍ତରୀୟ କରିବା ପାଇ ଖର୍ଚ୍ଚ ହେବ ୩୦୦ କୋଟି - ରେଳ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ

ଭୁବନେଶ୍ୱର ୦୬ ଜୁଲାଇ ୨୦୨୬

ଓଡ଼ିଶାର ବିକାଶ ଯାତ୍ରାରେ ଆଜି ଏକ ନୂତନ ଫର୍ଦ୍ଦ ଯୋଡ଼ି ହୋଇଯାଇଛି। ରେଶମ ସହର ବ୍ରହ୍ମପୁରରୁ ବାହାରି ପଶ୍ଚିମ ଓଡ଼ିଶା ଦେଇ ଗୁଜୁରାଟର ଉଧ୍ନା (ସୁରଟ) ପର୍ଯ୍ୟନ୍ତ ଚାଲୁଥିବା ସାପ୍ତାହିକ ଅମୃତ ଭାରତ ଏକ୍ସପ୍ରେସ ଆଜିଠାରୁ ଦୈନିକ ଟ୍ରେନ ରୂପେ ନିଜର ଯାତ୍ରା ଆରମ୍ଭ କରିଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଅବସରରେ ସମଗ୍ର ରାଜ୍ୟବାସୀ, ବିଶେଷ କରି ଗଞ୍ଜାମ, ଗଜପତି, ରାୟଗଡ଼ା, କୋରାପୁଟ, କଳାହାଣ୍ଡି, ବଲାଙ୍ଗିର ଓ ନୂଆପଡ଼ା ଜିଲ୍ଲାବାସୀଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇବା ସହ ଏହାକୁ ଓଡ଼ିଶାର ବିକାଶ ଲାଗି ଏକ ଐତିହାସିକ ଦିନ ବୋଲି ପ୍ରକାଶ କରିଛନ୍ତି।



ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ସୁରଟ ସହ ଓଡ଼ିଶାର ଭାବଗତ, ସାଂସ୍କୃତିକ ଓ ଅର୍ଥନୈତିକ ସମ୍ପର୍କ ଅତି ନିବିଡ଼। ଓଡ଼ିଶାର ଲକ୍ଷ ଲକ୍ଷ ଶ୍ରମିକ ଓ ବ୍ୟବସାୟୀ ଭାଇମାନେ ସୁରଟରେ ରହି ସେଠାକାର ଟେକ୍ସଟାଇଲ ଓ ଡାଇମଣ୍ଡ ଶିଳ୍ପରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଛନ୍ତି। ପୂର୍ବରୁ ସାପ୍ତାହିକ ଟ୍ରେନ ଯୋଗୁ ଯାତାୟତରେ ଅନେକ ଅସୁବିଧା ହେଉଥିଲା। ଓଡ଼ିଶା ସରକାରଙ୍କ ଅନୁରୋଧ କ୍ରମେ କେନ୍ଦ୍ର ସରକାର ଏହି ସେବାକୁ ଦୈନିକ କରିଥିବାରୁ, ମୁଖ୍ୟମନ୍ତ୍ରୀ ରାଜ୍ୟବାସୀଙ୍କ ପକ୍ଷରୁ ଯଶସ୍ୱୀ ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ଏବଂ କେନ୍ଦ୍ର ରେଳମନ୍ତ୍ରୀ ଶ୍ରୀ ଅଶ୍ୱିନୀ ବୈଷ୍ଣବଙ୍କୁ କୃତଜ୍ଞତା ଜଣାଇଛନ୍ତି। ସମ୍ପୂର୍ଣ୍ଣ ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ଏହି ଅତ୍ୟାଧୁନିକ ଟ୍ରେନ ଗରିବ ଓ ମଧ୍ୟବିତ୍ତ ଶ୍ରେଣୀର ଭାଇଭଉଣୀଙ୍କ ପାଇଁ ନିରାପଦ, ଶସ୍ତା ଓ ଦ୍ରୁତ ଯାତ୍ରାର ସୁବିଧା ପ୍ରଦାନ କରିବ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ରାଜ୍ୟର ଭିତ୍ତିଭୂମି ଓ ଅର୍ଥନୈତିକ ପ୍ରଗତି ଉପରେ ଆଲୋକପାତ କରି କହିଛନ୍ତି ଯେ ଗତ ଦୁଇ ବର୍ଷ ମଧ୍ୟରେ ୩.୧୧ ଲକ୍ଷ କୋଟି ଟଙ୍କାର ୧୨ଟି ଶିଳ୍ପ ପ୍ରକଳ୍ପର କାର୍ଯ୍ୟ ଆରମ୍ଭ ହୋଇଛି, ଯାହା ଦ୍ୱାରା ୨.୫୦ ଲକ୍ଷ ଯୁବକଯୁବତୀଙ୍କ ପାଇଁ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇଛି। ଗୋପାଳପୁର ବନ୍ଦରର ସମ୍ପ୍ରସାରଣ ସହ ଆଗାମୀ ଦିନରେ ବାହୁଦା ଠାରେ ଏକ ବୃହତ୍ ବନ୍ଦର ସ୍ଥାପନ କରାଯିବ। ବ୍ରହ୍ମପୁର ସହରକୁ 'ଗ୍ରେଟର ବ୍ରହ୍ମପୁର ସିଟି' ଭାବେ ବିକଶିତ କରିବା ସହ ବ୍ରହ୍ମପୁର-ଜୟପୁରକୁ ସଂଯୋଗ କରୁଥିବା ଏକ ୬-ଲେନ୍ ବିଶିଷ୍ଟ ରାସ୍ତା ନିର୍ମାଣ କରାଯିବ ବୋଲି ସେ ପ୍ରତିଶ୍ରୁତି ଦେଇଛନ୍ତି।

କେନ୍ଦ୍ର ରେଳ, ଇଲୋକ୍ଟ୍ରୋନିକ୍ସ ଓ ଆଇଟି, ସୂଚନା ଓ ପ୍ରସାରଣ ମନ୍ତ୍ରୀ  ଅଶ୍ଵିନୀ ବୈଷ୍ଣବ କହିଥିଲେ ଯେ ଅତୀତରେ ସୁରଟ ଠାରେ ଗୋଟିଏ ସଭାରେ ଯୋଗଦେଇଥିବା ଅବସରରେ ସୁରଟ ରୁ ବ୍ରହ୍ମପୁର ଯାଏ ନିୟମିତ ରେଳ ଚଳାଚଳ ପାଇ ଯେଉଁ ଅନୁରୋଧ କରାଯାଇଥିଲା, ଆଜି ତାହା ପୂରଣ କରାଯାଇଛି । ଆଜି ସମୟରେ ଯେଉଁ latest Technology ର ଟ୍ରେନ୍ ଅମୃତ ଭାରତ ଏକ୍ସପ୍ରେସ ବର୍ତ୍ତମାନ୍ ଠାରୁ ପ୍ରତିଦିନ ବ୍ରହ୍ମପୁରରୁ ସୁରଟ ଅଭିମୁଖେ ଚଳାଚଳ କରିବ । ସେ ଆହୁରି ଘୋଷଣା କରିଥିଲେ ଯେ ବ୍ରହ୍ମପୁର ରେଳ ଷ୍ଟେସନ କୁ ବିଶ୍ଵ ସ୍ତରୀୟ ରେଳ ଷ୍ଟେସନ କରିବା ପାଇ ୩୦୦ କୋଟି ଟଙ୍କା ଖର୍ଚ୍ଚ କରାଯିବ ଓ ଏହାର କାମ ଖୁବ୍ ଶୀଘ୍ର ଆରମ୍ଭ ହେବ ।




ଏହି  ଶୁଭାରମ୍ଭ ଉତ୍ସବରେ ଇସ୍ପାତ ଓ ଖଣି ମନ୍ତ୍ରୀ ଶ୍ରୀ ବିଭୁତି ଭୁଷଣ ଜେନା, ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମନ୍ତ୍ରୀ ଶ୍ରୀ ଗୋକୁଳାନନ୍ଦ ମଲ୍ଲିକ, ବ୍ରହ୍ମପୁରର ସାଂସଦ ଡକ୍ଟର ପ୍ରଦୀପ କୁମାର ପାଣିଗ୍ରାହୀ, ଆସ୍କାର ସାଂସଦ ଶ୍ରୀମତୀ ଅନିତା ଶୁଭଦର୍ଶିନୀ, ପୂର୍ବତଟ ରେଳବାଇର ମହାପ୍ରବନ୍ଧକ ଶ୍ରୀ ପରମେଶ୍ଵର ଫୁଙ୍କୱାଲ୍ ଙ୍କ ସମେତ ଗଞ୍ଜାମ ଜିଲ୍ଲାର ସମସ୍ତ ବିଧାୟକଗଣ, ଗଞ୍ଜାମ ଜିଲ୍ଲା ପ୍ରଶାସନ ଏବଂ ପୂର୍ବ ତଟ ରେଳପଥ ବିଭାଗର ବରିଷ୍ଠ ଅଧିକାରୀମାନେ ପ୍ରମୁଖ  ଉପସ୍ଥିତ ଥିଲେ।

ଲିପକ ହରିଚନ୍ଦନ<br>ଲୋକସମ୍ପର୍କ ଅଧିକାରୀ